ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/AgFE (Od)/1121/17-10-2023**

## ମିଲେଟ୍ ସଂର୍କିତ ଆନ୍ତର୍ଜାତିକ ସମ୍ମିଳନୀ ଅବସରରେ

## ପ୍ରକାଶ ପାଇବ ଉତ୍କଳ ପ୍ରସଙ୍ଗ ଓ ଓଡ଼ିଶା ରିଭ୍ୟୁର ସ୍ୱତନ୍ତ୍ର ମିଲେଟ୍ ବିଶେଷାଙ୍କ

### ପୁଷ୍ଟିଶସ୍ୟ ମିଲେଟ୍ ଉପରେ ଜନସଚେତନତା ସୃଷ୍ଟି କରିବା ଦିଗରେ
### ଉତ୍କଳ ପ୍ରସଙ୍ଗ ଓ ଓଡ଼ିଶା ରିଭ୍ୟୁରେ ଆଲେଖ୍ୟଗୁଡ଼ିକ ସହାୟକ ହେବ

ଭୁବନେଶ୍ୱର, ୧୭/୧୦/୨୦୨୩

ସାରା ବିଶ୍ୱରେ ୨୦୨୩କୁ ଅନ୍ତର୍ଜାତୀୟ ମିଲେଟ୍ ବର୍ଷ ଭାବେ ପାଳନ କରାଯାଉଥିବା ପରିପ୍ରେକ୍ଷୀରେ ରାଜ୍ୟ ସରକାରଙ୍କ ପକ୍ଷରୁ ଆସନ୍ତା ନଭେମ୍ବର ୯ ଓ ୧୦ ତାରିଖରେ ଭୁବନେଶ୍ୱରଠାରେ ମିଲେଟ୍ ସଂପର୍କରେ ଦୁଇଦିନିଆ ଅନ୍ତର୍ଜାତୀୟ ସମ୍ମିଳନୀ ଅନୁଷ୍ଠିତ ହେଉଛି । ଏହି ପରିପ୍ରେକ୍ଷୀରେ ସୂଚନା ଓ ଲୋକସଂପର୍କ ବିଭାଗ ପକ୍ଷରୁ ଉତ୍କଳ ପ୍ରସଙ୍ଗ ଓ ଓଡ଼ିଶା ରିଭ୍ୟୁର ସ୍ୱତନ୍ତ୍ର ମିଲେଟ୍ ବିଶେଷାଙ୍କ ପ୍ରକାଶ ପାଇବ । ମାଣ୍ଡିଆ ପୁଷ୍ଟିଶସ୍ୟ ମିଲେଟ୍ ଚାଷର ପ୍ରସାର ଓ ମିଲେଟ୍‌ଭିତ୍ତିକ ଖାଦ୍ୟକୁ ମୁଖ୍ୟସ୍ରୋତରେ ସାମିଲ କରିବା ଦିଗରେ ଜନସଚେତନତା ସୃଷ୍ଟି କରିବା ଦିଗରେ ଉତ୍କଳ ପ୍ରସଙ୍ଗ ଓ ଓଡ଼ିଶା ରିଭ୍ୟୁରେ ଆଲେଖ୍ୟଗୁଡ଼ିକ ସହାୟକ ହେବ । ମିଲେଟ୍ ଚାଷର ବିଭିନ୍ନ ଦିଗ, ଓଡ଼ିଶାରେ ମିଲେଟ୍ ଚାଷର ସଫଳତା, ରାଜ୍ୟ ସରକାରଙ୍କ ପକ୍ଷରୁ ଓଡ଼ିଶା ମିଲେଟ୍ ମିଶନ ମାଧ୍ୟମରେ ଚାଷୀମାନଙ୍କୁ ମାଣ୍ଡିଆ ଚାଷ ନିମନ୍ତେ ଯୋଗାଇ ଦିଆଯାଉଥିବା ପ୍ରୋତ୍ସାହନ, ମାଣ୍ଡିଆରୁ ପ୍ରସ୍ତୁତ ବିଭିନ୍ନ ଖାଦ୍ୟ ପ୍ରସୁତି ସହ ମିଲେଟ୍‌ର ଉପକାରିତା ଓ ଏହାର ପ୍ରସାର ଆଦି ଦିଗରେ ନିଆଯାଉଥିବା ବିଭିନ୍ନ ପଦକ୍ଷେପ ସଂପର୍କରେ ଉପାଦେୟ ଲେଖା ଏଥିରେ ସ୍ଥାନିତ ହେବ ।

ଆଜି ଏହି ପରିପ୍ରେକ୍ଷୀରେ କୃଷି ଓ କୃଷକ ସଶକ୍ତିକରଣ ବିଭାଗର ପ୍ରମୁଖ ଶାସନ ସଚିବ ଡ. ଅରବିନ୍ଦ କୁମାର ପାଢ଼ୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଉତ୍କଳ ପ୍ରସଙ୍ଗ ଓ ଓଡ଼ିଶା ରିଭ୍ୟୁର ମିଲେଟ୍ ବିଶେଷାଙ୍କକୁ ଆକର୍ଷଣୀୟ କରିବା ଦିଗରେ ସବିଶେଷ ଆଲୋଚନା ହୋଇଥିଲା । ବୈଠକରେ ସୂଚନା ଓ ଲୋକସଂପର୍କ ବିଭାଗର ନିର୍ଦ୍ଦେଶକ ଶ୍ରୀ ସରୋଜ କୁମାର ସାମଲ, ଉତ୍କଳ ପ୍ରସଙ୍ଗ ଏବଂ ଓଡ଼ିଶା ରିଭ୍ୟୁର ସଂପାଦିକା କସ୍ତୁରୀ ମହାପାତ୍ର ଉତ୍କଳ ପ୍ରସଙ୍ଗ ଏବଂ ଓଡ଼ିଶା ରିଭ୍ୟୁର ରୂପରେଖ ସଂପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ । ଆନ୍ତର୍ଜାତିକ ସମ୍ମିଳନୀ ଅବସରରେ ଏହାର ଶୁଭ ଉନ୍ମୋଚନ କରାଯିବ ।

ବୈଠକରେ କୃଷି ଓ ଖାଦ୍ୟ ଉତ୍ପାଦନ ନିର୍ଦ୍ଦେଶକ ଶ୍ରୀ ପ୍ରେମଚନ୍ଦ୍ର ଚୌଧାରୀଙ୍କ ସମେତ ବିଭାଗୀୟ ବରିଷ୍ଠ ଅଧିକାରୀ, ଓଡ଼ିଶା ମିଲେଟ୍ ମିଶନର ଅଧିକାରୀ ଏବଂ ଫିକିର କର୍ମକର୍ତ୍ତାମାନେ ଯୋଗଦେଇଥିଲେ ।

ତାପସ କୁମାର ସାହା
ସୂଚନା ଅଧିକାରୀ